# ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟରେ କେନ୍ଦ୍ରୀୟ ପର୍ଯ୍ୟବେକ୍ଷକମାନଙ୍କ ଗୁରୁତ୍ୱପୂର୍ଣ୍ଣ ବୈଠକ

ଭୁବନେଶ୍ୱର,୨୩/୦୪/୨୦୨୪:

ମୁଖ୍ୟ ନିର୍ବାଚନ ଅଧିକାରୀ, ଭୁବନେଶ୍ୱରଙ୍କ କାର୍ଯ୍ୟାଳୟରେ କେନ୍ଦ୍ରୀୟ ପର୍ଯ୍ୟବେକ୍ଷକମାନଙ୍କ ଗୁରୁତ୍ୱପୂର୍ଣ୍ଣ ବୈଠକ ଅନୁଷ୍ଠିତ ହୋଇଛି । ଏହି ବୈଠକରେ ସାଧାରଣ ସ୍ୱତନ୍ତ୍ର ପର୍ଯ୍ୟବେକ୍ଷକ ଶ୍ରୀ ଯୋଗେନ୍ଦ୍ର ତ୍ରିପାଠୀ (ଅବସରପ୍ରାପ୍ତ ଭାରତୀୟ ପ୍ରଶାସନିକ ସେବା ଅଧିକାରୀ), ପୋଲିସ ସ୍ୱତନ୍ତ୍ର ପର୍ଯ୍ୟବେକ୍ଷକ ଶ୍ରୀ ରଜନୀକାନ୍ତ ମିଶ୍ର (ଅବସରପ୍ରାପ୍ତ ଭାରତୀୟ ପୁଲିସ ସେବା ଅଧିକାରୀ), ସ୍ୱତନ୍ତ୍ର ବ୍ୟୟ ପର୍ଯ୍ୟବେକ୍ଷକ ଶ୍ରୀମତୀ ହିମାଲିନୀ କାଶ୍ୟପ (ଅବସରପ୍ରାପ୍ତ ଭାରତୀୟ ରାଜସ୍ୱ ସେବା ଅଧିକାରୀ) ଯୋଗଦେଇଥିଲେ ।

ବୈଠକରେ ମୁଖ୍ୟ ନିର୍ବାଚନ ଅଧିକାରୀ ଶ୍ରୀ ନିକୁଞ୍ଜ ବିହାରୀ ଧଳ ପ୍ରାରମ୍ଭିକ ବକ୍ତବ୍ୟ ରଖି ସମସ୍ତ ପର୍ଯ୍ୟବେକ୍ଷକଙ୍କୁ ସ୍ୱାଗତ କରିଥିଲେ । ଏହି ଅବସରରେ ଶ୍ରୀ ଧଳ ଓଡ଼ିଶାରେ ନିର୍ବାଚନ ପ୍ରସ୍ତୁତି ସଂପର୍କରେ ସବିଶେଷ ତଥ୍ୟ ରଖିଥିଲେ । ପିପିଟି ପ୍ରେଜେଣ୍ଟେସନ୍ ମାଧମରେ ରାଜ୍ୟ ପୋଲିସ ନୋଡ଼ାଲ ଅଧିକାରୀ ତଥା ଅତିରିକ୍ତ ଡିଜି ଶ୍ରୀ ସଞ୍ଜୟ କୁମାର, ଅତିରିକ୍ତ ମୁଖ୍ୟ ନିର୍ବାଚନ ଅଧିକାରୀ ଡକ୍ଟର ଏନ୍. ତିରୁମାଲା ନାୟକ ପର୍ଯ୍ୟବେକ୍ଷକମାନଙ୍କୁ ସମସ୍ତ ତଥ୍ୟ ବିଷୟରେ ସୂଚନା ଦେଇଥିଲେ । ପର୍ଯ୍ୟବେକ୍ଷକମାନେ ବିଭିନ୍ନ ପ୍ରସଙ୍ଗରେ ନିଜ ନିଜର ମତ ରଖିବା ସହ ଅନେକ ପ୍ରସ୍ତାବ ମଧ୍ୟ ଦେଇଥିଲେ ।

ଏହି ବୈଠକରେ ପ୍ରଚଣ୍ଡ ରୌଦ୍ରତାପରେ ନିର୍ବାଚନ ପରିଚାଳନାର ଆହ୍ୱାନ ଓ ସାମାଜିକ ଗଣମାଧ୍ୟମ ବିଷୟରେ ବିଶେଷ ଆଲୋଚନା ହୋଇଥିଲା । ବୈଠକରେ ଅନ୍ୟମାନଙ୍କ ମଧ୍ୟରେ ଅତିରିକ୍ତ ମୁଖ୍ୟ ନିର୍ବାଚନ ଅଧିକାରୀ ଶ୍ରୀ ଶତ୍ରୁଘ୍ନ କର, ଅତିରିକ୍ତ ମୁଖ୍ୟ ନିର୍ବାଚନ ଅଧିକାରୀ ଶ୍ରୀ ମିହିର ମହାନ୍ତି ଓ ଅନ୍ୟ ବରିଷ୍ଠ ଅଧିକାରୀମାନେ ଉପସ୍ଥିତ ରହି ଆଲୋଚନାରେ ଅଂଶଗ୍ରହଣ କରିଥିଲେ ।

ବିନାୟକ ମିଶ୍ର
ଲୋକସମ୍ପର୍କ ଅଧିକାରୀ